ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୪୯ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୧୦୬୦୫ ରେ ପହଞ୍ଚିଲା - ସୁସ୍ଥ ହେଲେ ୪୯ ଜଣ ।

ଅନୁଗୋଳ, ତା,୨୩.୧୧:- ଆଜି ଅନୁଗୋଳ ଜିଲ୍ଲାରୁ ୪୯ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୨ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୧୮୪ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ସର୍ବାଧିକ ୧୯ ଜଣ (୧୦ଜଣ ପୁରୁଷ ଓ ୯ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୭ଜଣ (୬ ଜଣ ପୁରୁଷ ଓ ୧ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୭ ଜଣ (୬ ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୭ଜଣ ( ୪ଜଣ ପୁରୁଷ ଓ ୩ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୫ଜଣ (୫ ଜଣ ପୁରୁଷ ), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧ଜଣ ( ୧ଜଣ ମହିଳା) ଓ ତାଳଚେର ପୌରାଞ୍ଚଳରୁ ୧ଜଣ ( ୧ଜଣ ପୁରୁଷ ), ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି ଅନୁଗୋଳ ବ୍ଲକ, କିଶୋରନଗର ବ୍ଲକ ଓ ପାଲଲହଡା ବ୍ଲକ୍ ପ୍ରଭୃତି ୩ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୪୯ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୯ଜଣ କୋଭିଡ ହସପିଟାଲରୁ ଓ ୪୦ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଚଳିତ ଶୀତ ଦିନେ କରୋନା ସଂକ୍ରମଣ ଅଧିକ ବ୍ୟାପିବାର ଆଶଙ୍କା ଥିବାରୁ ଆଜି ଅପରାହ୍ନରେ ଜିଲ୍ଲାପାଳ କରୋନାର ସ୍ଥିତିକୁ ନେଇ ତାଂକ କାର୍ଯ୍ୟାଳୟ ପ୍ରକୋଷ୍ଠରେ ସମୀକ୍ଷା କରିଛନ୍ତି । ଦୈନିକ ଅତି କମରେ ହଜାରରୁ ଉର୍ଦ୍ଧ କରୋନା ପରିକ୍ଷା କରିବା ସହ ଯାଂଚ କାର୍ଯ୍ୟ (Enforcement) କୁ କଡାକଡି କାର୍ଯ୍ୟକାରୀ କରିବାକୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଆସନ୍ତା ନୂଆ ବର୍ଷ ଓ ଖ୍ରୀଷ୍ଟ ମାସକୁ ଦୃଷ୍ଟିରେ ରଖି ବଣଭୋଜି ଉପରେ ସତର୍କ ଦୃଷ୍ଟି ରଖିବାକୁ ସେ ପରାମର୍ଶ ଦେଇଛନ୍ତି । ଶୀତ ଦିନେ ବିଭିନ୍ନ ପ୍ରକାର ଥଣ୍ଡା ଜନିତ ରୋଗ ହେଉଥିବାରୁ ଲୋକମାନଂକ ମଧ୍ୟରେ ସଚେତନତା ସୃଷ୍ଟି ନିମନ୍ତେ IEC କାର୍ଯ୍ୟକ୍ରମକୁ ବ୍ୟାପକ କରିବାକୁ ବିଭାଗୀୟ ଅଧିକାରୀଙ୍କୁ ପରାମର୍ଶ ଦେଇଛନ୍ତି । ଏହାଛଡା ଗ୍ରାମାଂଚଳରେ ସରପଞ୍ଚମାନଂକର ହ୍ୱାଟସ୍ ଅପ୍ ଗ୍ରୁପ୍‌କୁ ସଠିକ୍ ଭାବେ ପରିଚାଳନା କରିବା ସହ ପ୍ରତ୍ୟେକ ଦିନ ତଦାରଖ କାର୍ଯ୍ୟକ୍ରମକୁ ତ୍ୱରାନ୍ୱିତ କରିବା ଉପରେ ଗୁରୁତ୍ୱାରୋପ କରିଛନ୍ତି । କୋଭିଡ ରକ୍ଷକମାନଂକ କାର୍ଯ୍ୟକୁ ତଦାରଖ କରିବା ସହ କୋଭିଡ ହସପିଟାଲର ସଠିକ୍ ପରିଚାଳନାକୁ ନେଇ ଜିଲ୍ଲାପାଳ ସମୀକ୍ଷା କରିଥିଲେ । ଅକ୍ସିମିଟର ସଠିକ୍ ଭାବେ କାର୍ଯ କରୁଛି କି ନାହିଁ ଓ କୋଭିଡ ପରିଚାଳନାରେ ନିୟୋଜିତ ସ୍ୱାସ୍ଥ୍ୟ କର୍ମୀମାନଂକର କାର୍ଯ୍ୟକାରିତାକୁ ଜିଲ୍ଲାପାଳ ସମୀକ୍ଷା କରିଥିଲେ । କୋଭିଡ ପରିଚାଳନାରେ ଆବଶ୍ୟକ ପଡୁଥିବା କର୍ମଚାରୀ ଓ ସ୍ୱାସ୍ଥ୍ୟ କର୍ମୀଂକୁ ନିୟୋଜିତ କରିବାକୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଏହି ସମୀକ୍ଷା ବୈଠକରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ତପନ କୁମାର ଶତପଥି, ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଦିଲ୍ଲିପ କୁମାର ସାହୁ, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା.ଅଭୟ କୁମାର ଦାଶଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀ ପ୍ରମୁଖ ଉପସ୍ଥିତ ଥିଲେ ।